# ଆଜି ଆସିବେ ପ୍ରଧାନମନ୍ତ୍ରୀ



ଭୁବନେଶ୍ୱର,୨ ୧।୫/ଏନ୍‌ଏନ୍‌ଏସ୍:

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର ଓଡ଼ିଶା ଗସ୍ତରେ ଆସୁଛନ୍ତି। ଏହି ଗସ୍ତ ସମୟରେ ପ୍ରଧାନମନ୍ତ୍ରୀ ବାତ୍ୟା କ୍ଷୟକ୍ଷତିର ଆକଳନ କରିବା ସହ ବାତ୍ୟା ପ୍ରଭାବିତ ଅଞ୍ଚଳକୁ ଆକାଶମାର୍ଗରୁ ଅନୁଧ୍ୟାନ କରିବେ ବୋଲି ଜଣାପଡିଛି।

ସୂଚନା ଅନୁସାରେ, ଶୁକ୍ରବାର ପ୍ରଧାନମନ୍ତ୍ରୀ ଆକାଶ ମାର୍ଗରୁ ପଶ୍ଚିମବଙ୍ଗ ଓ ଓଡ଼ିଶାର ବାତ୍ୟା ପ୍ରଭାବିତ ଅଞ୍ଚଳକୁ ଆକାଶ ମାର୍ଗରୁ ଅନୁଧ୍ୟାନ କରିବେ। ଅପରାହ୍ନ ଗୋଟାଏ ବେଳେ ସେ ଭୁବନେଶ୍ୱର ବିମାନ ବନ୍ଦରରେ ପହଞ୍ଚିବେ। ସେଠାରୁ ବାୟୁସେନାର ସ୍ୱତନ୍ତ୍ର ହେଲିକପ୍ଟର ଯୋଗେ ଓଡ଼ିଶାର ବାତ୍ୟା ପ୍ରଭାବିତ ଅଞ୍ଚଳକୁ ପରିଦର୍ଶନ ଲାଗି ଯିବେ। ସେଠାରୁ ଫେରିବା ପରେ ବିମାନବନ୍ଦର ସମ୍ମିଳନୀ କକ୍ଷରେ ରାଜ୍ୟ ସରକାରଙ୍କ ବରିଷ୍ଠ ଅଧିକାରୀଙ୍କ ସହ କ୍ଷୟକ୍ଷତିର ଆକଳନ ଓ ରିଲିଫ କାର୍ଯ୍ୟ ନେଇ ସମୀକ୍ଷା କରିବେ। ପରେ ସେଠାରେ ପୁଣି ନୂଆଦିଲ୍ଲୀ ଅଭିମୁଖେ ଫେରିଯିବାର କାର୍ଯ୍ୟକ୍ରମ ରହିଛି।

ପ୍ରଧାମନ୍ତ୍ରୀଙ୍କ ଗସ୍ତକୁ ଦୃଷ୍ଟିରେ ରଖି ଗୃହ ବିଭାଗର ପ୍ରମୁଖ ସଚିବ ସଞ୍ଜୀବ ଚୋପ୍ରା, ପୁଲିସ ଡିଜି ଶ୍ରୀ ଅଭୟ, ଗୁଇନ୍ଦା ଡିଜିଙ୍କ ସମେତ ବରିଷ୍ଠ ପୁଲିସ ଅଧିକାରୀଙ୍କର ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଥିଲା। ସେହିପରି ଅପରାହ୍ନରେ ବିଜୁ ପଟ୍ଟନାୟକ ବିମାନ ବନ୍ଦର ପରିସରରେ ପୁଲିସ ସୁରକ୍ଷା ବ୍ୟବସ୍ଥାର ଅନୁଧ୍ୟାନ କରିଥିଲା। ଗୁଇନ୍ଦା ଡିଜି ସତ୍ୟଜିତ ମହାନ୍ତି, ପୁଲିସ କମିଶନର ସୁଧାଂଶୁ ଷଡ଼ଙ୍ଗୀ, କ୍ରାଇମବ୍ରାଞ୍ଚ ଏଡିଜି ସୌମେନ୍ଦ୍ର ପ୍ରିୟଦର୍ଶୀ, ଅତିରିକ୍ତ ପୁଲିସ କମିଶନର ସଞ୍ଜୟ ସିଂ, ଅନୁପ ସାହୁ, ସିଆଇଏସଏଫର ବରିଷ୍ଠ ଅଧିକାରୀ ଓ ବିମାନ ବନ୍ଦର ନିର୍ଦ୍ଦେଶକ ଭି.ବି ରାଓ ପ୍ରମୁଖ ସୁରକ୍ଷା ବ୍ୟବସ୍ଥା ନେଇ ସମୀକ୍ଷା କରିଥିଲେ। ଏନେଇ ପୁଲିସ କମିଶନର କହିଛନ୍ତି, ପ୍ରଧାନମନ୍ତ୍ରୀଙ୍କ ଗସ୍ତକୁ ଦୃଷ୍ଟିରେ ରଖି ବିମାନ ବନ୍ଦରରେ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ବ୍ଲୁ-ବୁକ ନିୟମ ଅନୁସାରେ ସୁରକ୍ଷା ବନ୍ଦୋବସ୍ତ କରାଯାଇଛି। ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟସୂଚୀ ବିମାନବନ୍ଦର ପରିସରରେ ଥିବାରୁ ସୁରକ୍ଷାର ଗୁରୁଦାୟିତ୍ୱ ସିଆଇଏସ୍‌ଏଫ ହାତରେ ରହିଛି। ଏସପିଜି ଟିମ ମଧ୍ୟ ଖୁବଶୀଘ୍ର ପହଞ୍ଚିବ। ଆବଶ୍ୟକ ଅନୁଯାୟୀ କମିଶନରେଟ ପୁଲିସ ସମସ୍ତ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରିବ।